ଧରିତ୍ରୀ
DHARITRI

SCAN ME

# ସୁଧାକର ପଣ୍ଡା ପାଇବେ ‘ବିଜୁ ପଟ୍ଟନାୟକ ପୁରସ୍କାର’

## ଓଡ଼ିଶା ବିଜ୍ଞାନ ଏକାଡେମୀ ପକ୍ଷରୁ ପୁରସ୍କାର ଘୋଷଣା

ଭୁବନେଶ୍ୱର,୧୧।୫(ବ୍ୟୁରୋ)

ରାଜ୍ୟ ସରକାରଙ୍କ ବିଜ୍ଞାନ ଓ ବୈଷୟିକ ବିଭାଗର ଅନୁମୋଦନକ୍ରମେ ଓଡ଼ିଶା ବିଜ୍ଞାନ ଏକାଡେମୀ ପକ୍ଷରୁ ୨୦୨୦ ମସିହା ପାଇଁ ପୁରସ୍କାର ଘୋଷଣା କରାଯାଇଛି। ବୈଜ୍ଞାନିକ ଉତ୍କର୍ଷ ପାଇଁ ଜଟଣୀସ୍ଥିତ ‘ନାଇଜର’ର ନିର୍ଦ୍ଦେଶକ ପ୍ରଫେସର ସୁଧାକର ପଣ୍ଡା ପାଇବେ ‘ବିଜୁ ପଟ୍ଟନାୟକ ପୁରସ୍କାର’। ପୁରସ୍କାର ବାବଦକୁ ତାଙ୍କୁ ୨ ଲକ୍ଷ ଟଙ୍କାର ଅର୍ଥରାଶି ସହ ପ୍ରଶଂସା ପତ୍ର ଓ ଉପଢୌକନ ପ୍ରଦାନ କରାଯିବ।



ସୁଧାକର ପଣ୍ଡା

ପ୍ରଫେସର ପଣ୍ଡା ୧୯୮୮ରେ ଭୁବନେଶ୍ୱର ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଫିଜିକ୍ସରୁ ପିଏଚ୍‌ଡି କରିବା ପରେ ମୁମ୍ବାଇସ୍ଥିତ ଟାଟା ଇନଷ୍ଟିଚ୍ୟୁଟ୍ ଅଫ୍ ଫଣ୍ଡାମେଣ୍ଟାଲ ରିସର୍ଚ୍ଚ, ଇଟାଲିସ୍ଥିତ ଆଇସିଟିପି ଏବଂ ନେଦରଲାଣ୍ଡର ଗ୍ରୋନିଙ୍ଗେନ ବିଶ୍ୱବିଦ୍ୟାଳୟରେ ପୋଷ୍ଟ ଡକ୍ଟରାଲ ଗବେଷଣା କରିଥିଲେ। ୧୯୯୩ରେ ସେ ଆଲ୍ଲାହାବାଦ ଏଚ୍‌ଆରଏଲ୍‌ଆଇରେ ଅଧ୍ୟାପକ ଭାବେ ଚାକିରି ଜୀବନ ଆରମ୍ଭ କରିଥିଲେ। ୨୦୦୯ରୁ ୨୦୧୪ ପର୍ଯ୍ୟନ୍ତ ଏହାର ଡିନ୍ ଅଫ୍ ଆଡମିନିଷ୍ଟ୍ରେଶନ ଭାବରେ କାର୍ଯ୍ୟ କରିଥିଲେ। ଏହା ପରେ ସେ ଭୁବନେଶ୍ୱରରେ ଇନଷ୍ଟିଚ୍ୟୁଟ୍ ଅଫ୍ ଫିଜିକାଲ ସାଇନ୍ସର ନିର୍ଦ୍ଦେଶକ ଭାବରେ କାର୍ଯ୍ୟ କରିଥିଲେ। ୨୦୧୮ରେ ଭୁବନେଶ୍ୱରସ୍ଥିତ ନ୍ୟାଶନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍ସ ଆଣ୍ଡ୍ ଏଜୁକେଶନ ଆଣ୍ଡ ରିସର୍ଚ୍ଚ (ନାଇଜର)ର ନିର୍ଦ୍ଦେଶକ ଭାବରେ ନିଯୁକ୍ତ ହୋଇଥିଲେ।

ରେଭେନ୍‌ଶା ବିଶ୍ୱବିଦ୍ୟାଳୟର ଜୀବବିଜ୍ଞାନ ବିଭାଗୀୟ ମୁଖ୍ୟ ପ୍ରଫେସର ଲୁନା ସାମନ୍ତ, ଭୁବନେଶ୍ୱରସ୍ଥିତ ଆଇଏମ୍‌ଏମ୍‌ଟିର ଭୌତିକ ବିଜ୍ଞାନ ମୁଖ୍ୟ ଡ. ଦଣ୍ଡ ଶ୍ରୀନିବାସ ରାଓ, ରାଉରକେଲାସ୍ଥିତ ଏନ୍‌ଆଇଟିର ପ୍ରଫେସର ଅନୁପ କୁମାର ପଣ୍ଡା ଓ ଲକ୍ଷ୍ନୌସ୍ଥିତ ଜାତୀୟ ଉଦ୍ଭିଦ ବିଜ୍ଞାନ ଗବେଷଣା ସଂସ୍ଥାର ବୈଜ୍ଞାନିକ ଡ. ସରୋଜକାନ୍ତ ବାରିକଙ୍କୁ ‘ସାମନ୍ତ ଚନ୍ଦ୍ରଶେଖର ପୁରସ୍କାର’ ପ୍ରଦାନ କରାଯିବ। ଏମାନଙ୍କୁ ୧ ଲକ୍ଷ ଟଙ୍କାର ଅର୍ଥରାଶି ସହ ପ୍ରଶଂସା ପତ୍ର ଓ ଉପଢୌକନ ପ୍ରଦାନ କରାଯିବ। ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ଭେଷଜ ଗବେଷଣା କେନ୍ଦ୍ରର ଜୀବବିଜ୍ଞାନ ବିଭାଗର ପୋଷ୍ଟ ଡକ୍ଟରାଲ ଫେଲୋ ଡ. ଶଶାଙ୍କ ଶେଖର ସ୍ୱାଇଁ, ନାଇଜରର ଭୌତିକ ବିଜ୍ଞାନ ବିଭାଗର ଡ . ନିବେଦିତା ଦାଶ , ଏନ୍‌ଆଇଟି ରାଉରକେଲାର ସହକାରୀ ପ୍ରଫେସର ଡ . ଜ୍ଞାନରଞ୍ଜନ ସେନାପତି ଓ ନାଇଜରର ଆସିଷ୍ଟାଣ୍ଟ ପ୍ରଫେସର ଡ.ସତ୍ୟପ୍ରସାଦ ପି. ସେନାନାୟକଙ୍କୁ ‘କୃତୀ ଯୁବବୈଜ୍ଞାନିକ’ ଭାବରେ ପୁରସ୍କୃତ କରାଯିବ। ପ୍ରଫେସର ସଙ୍ଗୀତା ରଥ ଓ ହିମାଂଶୁ ଶେଖର ଫତେସିଂହଙ୍କୁ ‘ପ୍ରାଣକୃଷ୍ଣ ପରିଜା ବିଜ୍ଞାନ ପୁସ୍ତକ ପୁରସ୍କାର’ ପ୍ରଦାନ କରାଯିବ। ‘ଯୁବ ବୈଜ୍ଞାନିକ ପୁରସ୍କାର’ ଓ ‘ପ୍ରାଣକୃଷ୍ଣ ପରିଜା ବିଜ୍ଞାନ ପୁସ୍ତକ ପୁରସ୍କାର’ ବାବଦକୁ ପ୍ରତ୍ୟେକଙ୍କୁ ୨୫ ହଜାର ଟଙ୍କାର ଅର୍ଥରାଶି ସହ ଉପଢୌକନ ଓ ପ୍ରଶସ୍ତିପତ୍ର ପ୍ରଦାନ କରାଯିବ। ଏହା ବ୍ୟତୀତ ପ୍ରଫେସର ଭାସ୍କର ଚନ୍ଦ୍ର ଦାଶ, ପ୍ରଫେସର ସତ୍ୟାନନ୍ଦ ସ୍ୱାଇଁ ଓ ପ୍ରଫେସର ଅଜୟ କୁମାର ପାତ୍ର ‘ବରିଷ୍ଠ ବୈଜ୍ଞାନିକ’ ଭାବରେ ସମ୍ବର୍ଦ୍ଧିତ ହେବେ।

Article published in: Dharitri, Bhubaneswar Edition
12.05.2023, Page No. 7